# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 13th April - 2026

*****************************************

***PIB***

## ନାରୀଶକ୍ତି ବନ୍ଦନ ସମ୍ମେଳନ

ନୂଆଦିଲ୍ଲୀର ବିଜ୍ଞାନ ଭବନରେ ଆଜି ପୂର୍ବାହ୍ନ ୧୧ଟାରେ ଜାତୀୟ ସ୍ତରରେ ନାରୀଶକ୍ତି ବନ୍ଦନ ସମ୍ମେଳନ ଅନୁଷ୍ଠିତ ହେବ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି କାର୍ଯ୍ୟକ୍ରମରେ ଯୋଗଦେଇ ଏହି ଅବସରରେ ଏକ ଜନସଭାକୁ ସମ୍ବୋଧିତ କରିବେ । ସମ୍ମେଳନରେ ବିକଶିତ ଭାରତ-୨୦୪୭ ଯାତ୍ରାରେ ମହିଳାମାନଙ୍କ ଭୂମିକା ଉପରେ ଆଲୋକପାତ କରାଯିବ । କାର୍ଯ୍ୟକ୍ରମରେ ବିଭିନ୍ନ କ୍ଷେତ୍ରର ବିଶିଷ୍ଟ ବ୍ୟକ୍ତିବିଶେଷ ଓ ସଫଳ ମହିଳାମାନେ ଅଂଶଗ୍ରହଣ କରିବେ । ୨୦୨୩ ମସିହା ସେପ୍ଟେମ୍ବର ମାସରେ ଲୋକସଭା ଓ ରାଜ୍ୟ ବିଧାନସଭାଗୁଡ଼ିକରେ ମହିଳା ପ୍ରତିନିଧିତ୍ୱ ବୃଦ୍ଧି କରିବା ଲକ୍ଷ୍ୟରେ ସଂସଦରେ ନାରୀଶକ୍ତି ବନ୍ଦନ ଅଧିନିୟମ ପାରିତ ହୋଇଥିଲା । ସମଗ୍ର ଦେଶରେ ମହିଳା ସଂରକ୍ଷଣ କାର୍ଯ୍ୟକାରୀ କରିବା ଲକ୍ଷ୍ୟ ନେଇ ଆସନ୍ତା ଗୁରୁବାରଠାରୁ ସଂସଦରେ ଏକ ସ୍ୱତନ୍ତ୍ର ଅଧିବେଶନ ଆରମ୍ଭ ହେବ ।

*Desk*

## ମହିଳା ସଶକ୍ତୀକରଣ

ମହିଳା ସଶକ୍ତୀକରଣ ଏକ ଜାତୀୟ ଆବଶ୍ୟକତା ଏବଂ ସମାବେଶୀ ବିକାଶପାଇଁ ଅତ୍ୟାବଶ୍ୟକ ବୋଲି ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମ୍ ପାଟି କହିଛନ୍ତି । ଭୁବନେଶ୍ୱରରେ ଆୟୋଜିତ ନାରୀଶକ୍ତି-ଓଡ଼ିଆ ଅସ୍ମିତା କାର୍ଯ୍ୟକ୍ରମରେ ଯୋଗଦେଇ ରାଜ୍ୟପାଳ କହିଛନ୍ତି, ମହିଳାମାନେ ପରିବାରର ଭିତ୍ତି, ମୂଲ୍ୟବୋଧର ପ୍ରଥମ ଶିକ୍ଷୟିତ୍ରୀ ଏବଂ ସହାନୁଭୂତିଶୀଳ ଓ ପ୍ରଗତିଶୀଳ ସମାଜର ନିରବ ସ୍ଥପତି । ଆଧୁନିକ ଭାରତୀୟ ମହିଳା ଆତ୍ମବିଶ୍ୱାସ, ସକ୍ଷମ ଏବଂ ନିଜ ଅଧିକାରର ନେତୃତ୍ୱ ନେଉଛନ୍ତି ବୋଲି ରାଜ୍ୟପାଳ କହିଛନ୍ତି ।

*Desk*

## ମୁଖ୍ୟମନ୍ତ୍ରୀ - ପ୍ରକଳ୍ପ ଉଦ୍‌ଘାଟନ

କେନ୍ଦୁଝର ଜିଲ୍ଲାରେ ମେଗା ଷ୍ଟିଲ୍ ପ୍ଲାଣ୍ଟ ଓ କେନ୍ଦୁଝର-ବଡ଼ବିଲ-ଯୋଡ଼ା ଅଞ୍ଚଳକୁ ରାଜ୍ୟର ଏକ ସୁଦୃଢ଼ ଅର୍ଥନୈତିକ ଜୋନ୍‌ରେ ପରିଣତ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ଗତକାଲି ଆନନ୍ଦପୁର ମହୋତ୍ସବର ଉଦ୍‌ଯାପନୀ ଦିବସରେ ଯୋଗଦେଇ ମୁଖ୍ୟମନ୍ତ୍ରୀୀ ସେହି ଅଞ୍ଚଳ ସମୃଦ୍ଧ କଳା, ସଂସ୍କୃତି ଓ ଐତିହ୍ୟର ଅନନ୍ୟ ଦୃଷ୍ଟାନ୍ତ ବୋଲି ମତବ୍ୟକ୍ତ କରିଥିଲେ । ଏହି ଅବସରରେ ମୁଖ୍ୟମନ୍ତ୍ରୀ ୨୬୭ କୋଟି ଟଙ୍କା

ବିନିଯୋଗରେ ୪୧ଟି ପ୍ରକଳ୍ପର ଶିଳାନ୍ୟାସ ଏବଂ ୩୪ କୋଟି ଟଙ୍କା ମୂଲ୍ୟର ୧୪ଟି ପ୍ରକଳ୍ପର ଲୋକାର୍ପଣ କରିଛନ୍ତି ।

ମୁଖ୍ୟମନ୍ତ୍ରୀ ଆଜି କେନ୍ଦୁଝର ଜିଲ୍ଲାରେ ବଡ଼ବିଲ୍ ବାଇପାସ୍ ରିଂରୋଡ୍ ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିବେ ।

***Desk***

# ପ୍ଲାଟିନମ୍ ଜୁବିଲି

ବିଦ୍ୟାଳୟ’ ଜୀବନ ଗଢ଼ିବାର ଏକ ପବିତ୍ର କ୍ଷେତ୍ର । ଜ୍ଞାନ ସହିତ ଜୀବନର ମୂଲ୍ୟବୋଧ ଓ ଶୃଙ୍ଖଳା ବିଦ୍ୟାଳୟରେ ଶିକ୍ଷା ଦିଆଯାଇଥାଏ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । କେନ୍ଦୁଝର ଜିଲ୍ଲା ଘଷିପୁରା ବ୍ଲକ୍ ଦେଓଗାଁ ପି.ଏମ୍.ଶ୍ରୀ କୁଶଳେଶ୍ୱର ଉଚ୍ଚ ବିଦ୍ୟାଳୟର ପ୍ଲାଟିନମ୍ ଜୁବିଲି ସମାରୋହରେ ଯୋଗଦେଇ ମୁଖ୍ୟମନ୍ତ୍ରୀ’ ବିଦ୍ୟାଳୟର ୨ଟି ଅତିରିକ୍ତ ଶ୍ରେଣୀଗୃହ ନିର୍ମାଣ ଓ ଖେଳପଡ଼ିଆର ଉନ୍ନତି ପାଇଁ ୧ କୋଟି ଟଙ୍କାର ଅନୁଦାନ ରାଶି ଘୋଷଣା କରିବା ସହିତ ନୂତନ ପ୍ରେକ୍ଷାଳୟ ନିର୍ମାଣ ପାଇଁ ପ୍ରତିଶ୍ରୁତି ଦେଇଛନ୍ତି । ଏହି ଅବସରରେ ମୁଖ୍ୟମନ୍ତ୍ରୀ ବାବା କୁଶଳେଶ୍ୱର ପୀଠର ବିକାଶ ନିମନ୍ତେ ୩ କୋଟି ୭ ଲକ୍ଷ ଟଙ୍କାର ଅନୁଦାନ ରାଶି ଘୋଷଣା କରିଛନ୍ତି ।

*Desk*

# ରତ୍ନଭଣ୍ଡାର ଗଣତି ମଣତି

ପୁରୀ ଶ୍ରୀମନ୍ଦିରରେ ଆଜିଠାରୁ ଭିତର ରତ୍ନଭଣ୍ଡାର ଗଣତି-ମଣତି କାର୍ଯ୍ୟ ଆରମ୍ଭ ହେବ। ରାଜ୍ୟ ସରକାରଙ୍କ ମାର୍ଗଦର୍ଶିକା ଅନୁଯାୟୀ, ଜିଲ୍ଲା ଟ୍ରେଜେରୀରୁ ରତ୍ନଭଣ୍ଡାରର ଚାବି ଅଣାଯାଇ ଜିଲ୍ଲାପାଳ ତଥା ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ରତ୍ନଭଣ୍ଡାର ଖୋଲାଯିବ। ଅଳଙ୍କାର ବିଶେଷଜ୍ଞ, ଆର୍.ବି.ଆଇ. ଅଧିକାରୀ ଉପସ୍ଥିତ ରହି ପ୍ରତ୍ୟେକ ରତ୍ନ ଅଳଙ୍କାରର ଗଣତି-ମଣତି କରିବା ସହିତ ଏହାର ଓଜନ ଏବଂ ମୋତି ମାଣିକ୍ୟର ଚିହ୍ନଟ କରିବେ।

*Desk*

# ଭୁବନେଶ୍ୱର - ପ୍ରତିଷ୍ଠା ଦିବସ

ଭୁବନେଶ୍ୱର ଆଜି ତା’ର ୭୮ତମ ପ୍ରତିଷ୍ଠାତ ଦିବସ ପାଳନ କରୁଛି । ୧୯୪୮ ମସିହା ଆଜିର ଦିନରେ ଭୁବନେଶ୍ୱରରେ ଓଡ଼ିଶାର ରାଜଧାନୀ ପ୍ରତିଷ୍ଠା କରାଯାଇଥିଲା । ଏହି ଅବସରରେ ରାଜଧାନୀରେ ବିଭିନ୍ନ କାର୍ଯ୍ୟକ୍ରମର ଆୟୋଜନ କରାଯାଇଛି । ରାଜ୍ୟପାଳ, ବାଚସ୍ପତି, ମୁଖ୍ୟମନ୍ତ୍ରୀ ଭୁବନେଶ୍ୱରବାସୀଙ୍କୁ ଶୁଭେଚ୍ଛା ଜଣାଇଛନ୍ତି ।

***Ganjam/R***

# ରେଶମ ସହର ମହୋତ୍ସବ

ଗଞ୍ଜାମ ଜିଲ୍ଲା ବ୍ରହ୍ମପୁରରେ ଗତକାଲି ରେଶମ ସହର ମହୋତ୍ସବ ସହିତ ସୁଭଦ୍ରା ଶକ୍ତି ଓ ଆତ୍ମନିର୍ଭର ଭାରତ ସ୍ୱଦେଶୀ ମେଳା ଉଦ୍‌ଯାପିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଆସ୍କା ସାଂସଦ ଅନିତା ଶୁଭଦର୍ଶିନୀ, ସ୍ଥାନୀୟ ବିଧାୟକ କେ. ଅନିଲ୍ କୁମାର ପ୍ରମୁଖ ଉପସ୍ଥିତ ଥିଲେ ।

***Jharsuguda, Baragarh/R***

# ପ୍ରଶିକ୍ଷଣ ଶିବିର

ଝାରସୁଗୁଡ଼ା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥିତ ଡି.ଏମ୍.ଏଫ୍. ପ୍ରେକ୍ଷାଳୟରେ ଅଣ-କ୍ୟାଡର୍ ପ୍ରସିକ୍ୟୁଟରମାନଙ୍କ ଦୁଇଦିନିଆ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଉଦ୍‌ଯାପିତ ହୋଇଯାଇଛି । ଶିବିରରେ ନୂତନ ନିୟମାବଳି ସହ ପରିଚିତ ହେବାକୁ ପ୍ରସିକ୍ୟୁଟରମାନଙ୍କୁ ପରାମର୍ଶ ଦିଆଯାଇଥିଲା ।

ବରଗଡ଼ରେ ମଧ୍ୟ ଦୁଇଦିନିଆ ଜିଲ୍ଲାସ୍ତରୀୟ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଭାରତୀୟ ନୂତନ ସାକ୍ଷ୍ୟ ଅଧିନିୟମ, ନାଗରିକ ସୁରକ୍ଷା ସଂହିତା ଓ ନ୍ୟାୟ ସଂହିତା ଉପରେ ଆଲୋଚନା ହୋଇଥିଲା ।

***Desk***

# ଓଡ଼ିଆ ପକ୍ଷ

ଓଡ଼ିଆ ପକ୍ଷର ତ୍ରୟୋଦଶ ଦିନରେ ଆଜି ରାଜ୍ୟର ବିଭିନ୍ନ ସ୍ଥାନରେ "ଆମ ରୁଚି ଆମ ଖାଦ୍ୟ" ଶୀର୍ଷକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ । ଏଥିରେ ରାଜ୍ୟର ସମୃଦ୍ଧ ଖାଦ୍ୟ ପରମ୍ପରା ଓ ଐତିହ୍ୟ ସମ୍ପର୍କରେ ବିଭିନ୍ନ ଆଲୋଚନା କରାଯିବ । ଗତକାଲି ଦ୍ୱାଦଶ ଦିନରେ ବିଭିନ୍ନ ସ୍ଥାନରେ "ବନ୍ଦନୀୟ ବରପୁତ୍ର" କାର୍ଯ୍ୟକ୍ରମ ପାଳିତ ହୋଇଯାଇଛି ।

***Desk***

# ପାଣିପାଗ

ରାଜ୍ୟରେ ଗ୍ରୀଷ୍ମପ୍ରବାହ ବୃଦ୍ଧି ପାଇବାରେ ଲାଗିଛି । ଆଗାମୀ ୬ ଦିନ ପର୍ଯ୍ୟନ୍ତ ପ୍ରବଳ ଗରମ ଓ ଗୁଳୁଗୁଳି ଅନୁଭୂତ ହେବା ନେଇ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ବିଭିନ୍ନ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ଗତକାଲି ୬ଟି ସହରର ତାପମାତ୍ରା ୪୦ ଡିଗ୍ରୀ ସେଲ୍‌ସିୟସ୍ ଉପରେ ରେକର୍ଡ଼ କରାଯାଇଥିଲା । ଟିଟିଲାଗଡ଼ରେ ସର୍ବାଧିକ ତାପମାତ୍ରା ୪୧ ଦଶମିକ ୫ ଡିଗ୍ରୀ ରହିଥିଲା ।

*****